(D.R. Case No. 12/2026)

# ତହସିଲଦାରଙ୍କ କାର୍ଯ୍ୟାଳୟ, ମୋରଡା

ଇସ୍ତାହାର ନଂ ୨୩୮୨ / ତା ୦୫.୦୬.୨୦୨୬ ରିଖ

ଏତଦ୍ଦ୍ୱାରା ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନ ତଫସିଲ ଭୁକ୍ତ ସରକାରୀ ଜମିକୁ ନିମ୍ନ ଆବେଦନକାରୀଙ୍କୁ ହସ୍ତାନ୍ତର କରାଯିବାକୁ ପ୍ରସ୍ତାବ ମଞ୍ଜୁର ହୋଇଅଛି । ଏଥିରେ ଆବେଦନକାରୀଙ୍କ ନାମ, ଠିକଣା ଏବଂ ପ୍ରସ୍ତାବିତ ଜମିର ସବିଶେଷ ବିବରଣୀ ନିମ୍ନରେ ଉଲ୍ଲେଖ କରାଯାଇଅଛି । ଯେହେତୁ ଉକ୍ତ ଜମି ସରକାରୀ ରକ୍ଷିତ ଖାତା ଏବଂ କିସମ ଗୋଚର ଓ ବଗାୟତ-୨ ଅଛି ତେଣୁ ତାହାର ପରିବର୍ତ୍ତନ ଆବଶ୍ୟକ ହେଉଅଛି । ଏଣୁ ଏହି ଖାତା ଏବଂ କିସମ ପରିବର୍ତ୍ତନରେ କାହାର କୌଣସି ଆପତ୍ତି ଅଭିଯୋଗ ଥିଲେ ଇସ୍ତାହାର ଜାରି ହେବାର ପନ୍ଦର (୧୫) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଆବଶ୍ୟକ କୋର୍ଟ ଫି ଲଗାଇ ଲିଖିତ ଆକାରରେ ଆପତ୍ତି ଅଭିଯୋଗ ଜଣାଇବେ । ମିଆଦ ଗତେ କୌଣସି ଆପତ୍ତି ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

## ତଫସିଲ

ମୌଜାର ନାମ- ଦାନ୍ତିଆମୁହାଁ    ଥାନାର ନାମ- ମୋରଡା ନଂ- ୬୨

| ଖାତା ନଂ | ପ୍ଲଟ ନଂ | କିସମ | ରକବା | ପ୍ରସ୍ତାବିତ | ଆବେଦନକାରୀଙ୍କ ନାମ ଏବଂ ଠିକଣା |
|---|---|---|---|---|---|
| ୫୫୫ (ରକ୍ଷିତ) (ଓଡିଶା ସରକାର) | ୩୦୩୧ | ଗୋଚର | ଏ୨.୩୦ | ଖାତା- ଆବାଦ ଯୋଗ୍ୟ ଅନାବାଦୀ କିସମ-ପତିତ | କ୍ରୀଡା ଓ ଯୁବ ସେବା ବିଭାଗ ମାର୍ଫତ ଜିଲ୍ଲା କ୍ରୀଡା ଅଧିକାରୀ, ମୟୂରଭଞ୍ଜ |
| | ୩୦୪୩ | ଗୋଚର | ଏ୩.୦୦ | | |
| | ୩୦୪୨ | ବଗାୟତ-୨ | ଏ୩.୨୦ | | |
| ମୋଟ | | | ଏ୮.୫୦ | | |

ଏହାର ଏକକିତା ନକଲ ଦାନ୍ତିଆମୁହାଁ ମୌଜାରେ ଡେଙ୍ଗୁରା ଦ୍ୱାରା ଜାରି କରିବାକୁ ପଠାଗଲା । ଏହାର ଏକକିତା ନକଲ ଗୋଷ୍ଠୀଉନ୍ନୟନ ଅଧିକାରୀ, ମୋରଡା/ ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ, ଦାନ୍ତିଆମୁହାଁ/ ରାଜସ୍ୱ ନିରୀକ୍ଷକ, ମୋରଡା ଙ୍କ ନୋଟିସ ବୋର୍ଡରେ ପ୍ରକାଶନ କରିବାକୁ ପଠାଗଲା । ସେମାନଙ୍କ ମତାମତ ଯଦିଥାଏ, ତେବେ ନିର୍ଦ୍ଧାରିତ ତାରିଖ ମଧ୍ୟରେ ପଠାଇବାକୁ ଅନୁରୋଧ ।

ଏହାର ଏକକିତା ନକଲ ମୋରଡା ତହସିଲ ଅଫିସ ନୋଟିସ ବୋର୍ଡରେ ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜାରି କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀ, ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ମୟୂରଭଞ୍ଜ ବାରିପଦାଙ୍କ ଅବଗତି ଏବଂ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଜାରି କରାଗଲା ।

୦୫.୦୬.୨୬

ତହସିଲଦାର, ମୋରଡା